ODISHA POLICE
STATE HEADQUARTERS
CUTTACK.

---

## ପ୍ରେସ୍ ନୋଟ୍

## ୧୮.୦୮.୨୦୨୩

## ରାଜ୍ୟ ପୋଲିସ ମୁଖ୍ୟାଳୟରେ ଜାତୀୟ ସଦ୍‌ଭାବନା ଦିବସ ଶପଥ ପାଠ ଅନୁଷ୍ଠିତ

କଟକ ତା ୧୮.୦୮.୨୦୨୩ – ଆଜି ପୂର୍ବାହ୍ନରେ ରାଜ୍ୟ ପୋଲିସ ମୁଖ୍ୟାଳୟଠାରେ ଜାତୀୟ ସଦ୍‌ଭାବନା ଦିବସ ଅବସରରେ ଏକ ଶପଥ ପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଅଛି । ଅତିରିକ୍ତ ଆରକ୍ଷୀ ମହାନିର୍ଦ୍ଦେଶକ (ଆଇନ ଓ ଶୃଙ୍ଖଳା) ଶ୍ରୀ ସଞ୍ଜୟ କୁମାର ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ରହି ସମସ୍ତ ଅଧିକାରୀ ଓ କର୍ମଚାରୀଙ୍କୁ ଶପଥ ପାଠ କରାଇଥିଲେ । ଏହି ଅବସରରେ ପୋଲିସ ମୁଖ୍ୟାଳୟର ସମସ୍ତ ଅଧିକାରୀ ଓ କର୍ମଚାରୀ ମାନେ ଜାତି, ଧର୍ମ, ଭାଷା ଓ ଅଞ୍ଚଳ ନିର୍ବିଶେଷରେ ଦେଶରେ ସଦ୍‌ଭାବ ଏବଂ ଭାବନାତ୍ମକ ଏକତା ନିମନ୍ତେ କାର୍ଯ୍ୟ କରିବା ସହ ନିଜ ନିଜ ମଧ୍ୟରେ ଥିବା ମତଭେଦକୁ ଆପୋଷ ଆଲୋଚନା, ଅହିଂସା ତଥା ସାମ୍ବିଧାନିକ ବିଧି ବ୍ୟବସ୍ଥା ମାଧ୍ୟମରେ ସମାଧାନ କରିବାକୁ ଶପଥ କରିଥିଲେ । ଏହି ଶପଥ ପାଠ କାର୍ଯ୍ୟକ୍ରମରେ ଅତିରିକ୍ତ ଆରକ୍ଷୀ ମହାନିର୍ଦ୍ଦେଶକ (ଆଧୁନିକୀକରଣ) ଶ୍ରୀ ରାଜେଶ କୁମାର, ଏ.ଆଇ.ଜି (ମୁଖ୍ୟାଳୟ) ଶ୍ରୀ ଜୁଗୋଲ କିଶୋର କୁମାର ବନୋଥଙ୍କ ସମେତ ପୋଲିସ ମୁଖ୍ୟାଳୟର ବରିଷ୍ଠ ପୋଲିସ ଅଧିକାରୀଙ୍କ ସମେତ ସମସ୍ତ ସଂସ୍ଥା ଅଧିକାରୀ, ଉପବିଭାଗ ଅଧିକାରୀ ଓ କର୍ମଚାରୀ ମାନେ ଉପସ୍ଥିତ ଥିଲେ । ଆସିଷ୍ଟାଣ୍ଟ କମାଣ୍ଡାଣ୍ଟ ଶ୍ରୀ ପଙ୍କଜ କୁମାର ନାୟକ କାର୍ଯ୍ୟକ୍ରମକୁ ପରିଚାଳନା ଓ ସହଯୋଗ କରିଥିଲେ ।

18/8/23

PRO, SP HQrs, Cuttack.